ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 848/11-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୧ ଡିସେମ୍ବର,୨୦୨୦**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଭୂତପୂର୍ବ ରାଷ୍ଟ୍ରପତି ଭାରତରତ୍ନ ପ୍ରଣବ ମୁଖାର୍ଜୀଙ୍କ ପ୍ରତି ତାଙ୍କ ଜନ୍ମଦିବସରେ ବିନମ୍ର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ପ୍ରଣବ ଦା' ଜଣେ ପ୍ରସିଦ୍ଧ ସାଂସଦ, ଜଣେ ପ୍ରତିଷ୍ଠିତ ରାଜନେତା ଥିଲେ ଏବଂ ଦେଶନିର୍ମାଣରେ ତାଙ୍କ ଅବଦାନ ଚିରସ୍ମରଣୀୟ ରହିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍-୧୯ ସ୍ଥିତିର ସମୀକ୍ଷା କରି ଓଡ଼ିଶାରେ ମହାମାରୀର ପରିଚାଳନା ନେଇ ସନ୍ତୋଷ ବ୍ୟକ୍ତ କରିଛନ୍ତି । ପୂଜା ସମୟରେ ସଂକ୍ରମଣ ବୃଦ୍ଧିର ଭୟ ଦୂର ହୋଇଛି ବୋଲି କହିବା ସହ ଶୀତ ଋତୁରେ ଥିବା ଏହି ପ୍ରକାର ଆଶଙ୍କା ମଧ୍ୟ ଟଳିଯିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତରେ ଟୀକାକରଣ ପ୍ରକ୍ରିୟାକୁ ଏକ ବର୍ଷରୁ ଊର୍ଦ୍ଧ୍ୱ ସମୟ ଲାଗିବ ବୋଲି ଆଶା କରାଯାଉଥିବାବେଳେ ସମସ୍ତଙ୍କୁ କୋଭିଡ୍-୧୯ ନିୟମ ଅନୁପାଳନ ପାଇଁ ଅନୁରୋଧ କରିଛନ୍ତି । ସେ ମଧ୍ୟ ଟୀକାକରଣ କାର୍ଯ୍ୟକ୍ରମ ଏବଂ କୋଭିଡ୍-୧୯ ପ୍ରୋଟୋକଲ୍ ନେଇ ଉପଯୁକ୍ତ ସଚେତନତା ସୃଷ୍ଟି ପାଇଁ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍-୧୯ ଯୋଗୁଁ ସୃଷ୍ଟି ହୋଇଥିବା ଅର୍ଥନୈତିକ ଆହ୍ୱାନର ମୁକାବିଲା ପାଇଁ ସଂପୂର୍ଣ୍ଣ ସଜାଗ ରହିବା ନିମନ୍ତେ ରାଜ୍ୟ ପ୍ରଶାସନିକ କଳକୁ ନିର୍ଦ୍ଦେଶ ଦେଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସେ ଜିଲ୍ଲାପାଳ ଏବଂ ବ୍ୟାଙ୍କ କର୍ତ୍ତୃପକ୍ଷଙ୍କ ସହ ଡିସେମ୍ବର ୨୨ ତାରିଖ ଦିନ ଜୀବନଜୀବିକା ଏବଂ କୃଷକ, ମିଶନ ଶକ୍ତି ଏବଂ ଏମ୍ଏସ୍ଏମ୍ଇମାନଙ୍କୁ ଋଣ ଯୋଗାଣ ଉପରେ ଆଲୋଚନା କରିବେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଜୀବନଜୀବିକା କାର୍ଯ୍ୟକ୍ରମଗୁଡ଼ିକୁ ପାଣ୍ଠି ଯୋଗାଣ ନେଇ କୌଣସି ପ୍ରକାର ଅବହେଳାକୁ ଆଦୌ ବରଦାସ୍ତ କରାଯିବ ନାହିଁ ଏବଂ ଅବହେଳା କରୁଥିବା ବ୍ୟାଙ୍କଗୁଡ଼ିକ ସଂପର୍କରେ କେନ୍ଦ୍ର ଅର୍ଥ ମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରାଯିବ । ଟୀକାକରଣ କାର୍ଯ୍ୟକ୍ରମ ଖୁବ୍‌ଶୀଘ୍ର ଆରମ୍ଭ ହେବାକୁ ଯାଉଥିବାରୁ ଓଡ଼ିଶା ଏଥି ପାଇଁ ସଂପୂର୍ଣ୍ଣ ପ୍ରସ୍ତୁତ ବୋଲି ସେ ସୁନିଶ୍ଚିତ କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଦ୍ରୁତ ଶିଳ୍ପାୟନ ସହ ବ୍ୟାପକ ନିଯୁକ୍ତି ସୁଯୋଗ ସୃଷ୍ଟି ପାଇଁ ପ୍ରାୟ ୫୮୮ କୋଟି ଟଙ୍କା ବିନିଯୋଗରେ ହେବାକୁ ଥିବା ୨୮ଟି ପ୍ରକଳ୍ପକୁ ରାଜ୍ୟ ସରକାର ଜମି ବଣ୍ଟନ କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

ପ୍ରତ୍ୟକ୍ଷ ଭାବେ ୩୨୪୫ ଜଣଙ୍କ ପାଇଁ ନିଯୁକ୍ତି ସମ୍ଭାବନା ଥିବା ଏହି ପ୍ରକଳ୍ପଗୁଡ଼ିକୁ ନିର୍ଦ୍ଧାରିତ ସମୟ ମଧ୍ୟରେ ଶେଷ କରିବାକୁ ନିର୍ଦ୍ଦେଶ ଦିଆଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୩,୧୨,୭୦୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୩,୦୨୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୧୭,୮୭୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୭୯୮ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୩୦୩ ରହିଛି ।
- ୩,୩୦୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**